ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୭୯୨ ଜଣ କରୋନା ପଜିଟିଭ ଚିହ୍ନଟ ।

### ପଜିଟିଭ ସଂଖ୍ୟା ୩୦୨୪୧ରେ ପହଞ୍ଚିଲା - ସୁସ୍ଥ ହେଲେ ୬୬୭ ଜଣ ।

ଅନୁଗୋଳ, ତା.୨୪.୦୫:- ଆଜି ଅନୁଗୋଳ ଜିଲ୍ଲାରେ ୭୯୨ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୯୪ଜଣ (୧୨୦ ଜଣ ପୁରୁଷ ଓ ୭୪ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୨୧ଜଣ ( ୮୭ଜଣ ପୁରୁଷ ଓ ୩୪ଜଣ ମହିଳା), ବଣ୍ଡଁରପାଳ ବ୍ଲକ୍ ଅଂଚଳରୁ ୧୧୯ଜଣ (୮୯ ଜଣ ପୁରୁଷ ଓ ୩୦ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୯୩ଜଣ ( ୫୬ଜଣ ପୁରୁଷ ଓ ୩୭ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୬୫ଜଣ ( ୩୭ଜଣ ପୁରୁଷ ଓ ୨୮ ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୫୧ଜଣ (୩୭ ଜଣ ପୁରୁଷ ଓ ୧୪ ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୪୨ଜଣ ( ୩୧ଜଣ ପୁରୁଷ ଓ ୧୧ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୩୪ଜଣ ( ୨୦ଜଣ ପୁରୁଷ ଓ ୧୪ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୩୦ଜଣ (୧୭ ଜଣ ପୁରୁଷ ଓ ୧୩ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୨୮ଜଣ (୧୭ ଜଣ ପୁରୁଷ ଓ ୧୧ ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧୫ଜଣ ( ୯ଜଣ ପୁରୁଷ ଓ ୬ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୧୨୦ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୬୬୭ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୭୫ ଜଣ ମୃତ୍ୟୁବରଣ କଲେଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୨୮ ତା.୨୪.୦୫.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ